# REGIONAL NEWS UNIT, AIR CUTTACK

## Evening Bulletin (6.45 PM)

### 10 February – 2026

********************************

## ମୁଖ୍ୟ ସମ୍ବାଦ

- ରାଜ୍ୟ ଏକକ ବାତାୟନ କମିଟି ବୈଠକରେ ୪ ହଜାର ୧୧୧ କୋଟିରୁ ଊର୍ଦ୍ଧ୍ୱ ଟଙ୍କାର ୨୩ଟି ଶିଳ୍ପ ପ୍ରସ୍ତାବକୁ ଅନୁମୋଦନ
- ହାଇକୋର୍ଟଙ୍କ ଗୁରୁତ୍ୱପୂର୍ଣ୍ଣ ରାୟ; ବକେୟା ଚାଲାଣ ପୈଠ ନ କଲେ ଚାଳକଙ୍କୁ ମିଳିବ ନାହିଁ ପ୍ରଦୂଷଣ ପ୍ରମାଣପତ୍ର
- ଜାତୀୟ ସ୍ୱାସ୍ଥ୍ୟ ମିଶନ ଅଧୀନରେ କାର୍ଯ୍ୟରତ ଆୟୁଷ ଡାକ୍ତରଙ୍କ ଦରମା ବୃଦ୍ଧି କଲେ ରାଜ୍ୟ ସରକାର

ଏବଂ

- ରାଉରକେଲା ବିର୍ସା ମୁଣ୍ଡା ଅନ୍ତର୍ଜାତୀୟ ହକି ଷ୍ଟାଡିୟମ୍‌ରେ ଆଉ କିଛି ସମୟ ମଧ୍ୟରେ ଆରମ୍ଭ ହେବ ଏଫ୍‌ଆଇଏଚ୍ ପ୍ରୋଲିଗ୍

## ଏକକ ବାତାୟନ କମିଟି

ରାଜ୍ୟରେ ଶିଳ୍ପ ପରିବେଶକୁ ସମୃଦ୍ଧ ଏବଂ ବିକାଶକୁ ତ୍ୱରାନ୍ୱିତ କରିବା ପାଇଁ ମୁଖ୍ୟ ଶାସନ ସଚିବ ଅନୁ ଗର୍ଗଙ୍କ ଅଧ୍ୟକ୍ଷତାରେ ୧୪୪ତମ ଏକକ ବାତାୟନ ଅନୁଶୀଳନ କମିଟି ବୈଠକ ଅନୁଷ୍ଠିତ ହୋଇଯାଇଛି । ବୈଠକରେ ୪ ହଜାର ୧୧୧ କୋଟିରୁ ଊର୍ଦ୍ଧ୍ୱ ଟଙ୍କାର ୨୩ଟି ଶିଳ୍ପ ବିନିଯୋଗ ପ୍ରସ୍ତାବକୁ ଅନୁମୋଦନ ମିଳିଛି । ପ୍ରକଳ୍ପଗୁଡ଼ିକ ବାଲେଶ୍ୱର, ଭଦ୍ରକ, କଟକ, ଦେବଗଡ଼, ଗଞ୍ଜାମ, ଜଗତ୍‌ସିଂହପୁର, ଖୋର୍ଦ୍ଧା, କୋରାପୁଟ, ପୁରୀ, ସମ୍ବଲପୁର ଓ ସୁନ୍ଦରଗଡ଼ ଜିଲ୍ଲାରେ କାର୍ଯ୍ୟକାରୀ ହେବ । ଏହାଦ୍ୱାରା ୯ ହଜାର ୯୨୪ଟି ନିଯୁକ୍ତି ସୁଯୋଗ ସୃଷ୍ଟି ହେବ ବୋଲି ଜଣାପଡିଛି ।

## ପ୍ରଦୂଷଣ ପ୍ରମାଣପତ୍ର

ପ୍ରଦୂଷଣ ପ୍ରମାଣପତ୍ର ସମ୍ପର୍କିତ ଜନସ୍ୱାର୍ଥ ମାମଲାକୁ ଓଡ଼ିଶା ହାଇକୋର୍ଟ ଆଜି ଖାରଜ କରିଛନ୍ତି । ହାଇକୋର୍ଟ ଏକ ଗୁରୁତ୍ୱପୂର୍ଣ୍ଣ ରାୟରେ କହିଛନ୍ତି, ଗାଡିଚାଳକ ବକେୟା ଚାଲାଣ ପୈଠ ନ କଲେ ପ୍ରଦୂଷଣ ପ୍ରମାଣପତ୍ର ମିଳିବ ନାହିଁ । ଗାଡି ଚାଳକମାନେ ଚାଲାଣ ପୈଠ କରିବାକୁ ବାଧ୍ୟ । ପୂର୍ବରୁ ହାଇକୋର୍ଟ ଏହି ମାମଲାରେ ଅନ୍ତରୀଣ ନିର୍ଦ୍ଦେଶ ଦେଇଥିଲେ । ନିର୍ଦ୍ଦେଶ ଅନୁସାରେ, ପ୍ରଦୂଷଣ ପ୍ରମାଣପତ୍ର ନଥିଲେ ଗାଡି ଚାଳକମାନଙ୍କ ପାଇଁ ପେଟ୍ରୋଲ କିଣିବା ନେଇ  କଟକଣା ଜାରି କରାଯାଇଥିଲା । ମୋଟରଯାନ ଆଇନ୍ ଧାରା ୧୬୭ ଅନୁଯାୟୀ, ବକେୟା ଚାଲାଣ ଥିଲେ ପ୍ରଦୂଷଣ ପ୍ରମାଣପତ୍ର ଆବେଦନ କରାଯାଇପାରିବ ନାହିଁ । ରାଜ୍ୟ ସରକାରଙ୍କ ପକ୍ଷରୁ ଆଡ୍‌ଭୋକେଟ୍ ଜେନେରାଲ ପୀତାମ୍ବର ଆଚାର୍ଯ୍ୟ ମାମଲାର ପରିଚାଳନା କରିଥିଲେ ।

## ଆୟୁଷ-ଦରମା ବୃଦ୍ଧି

ରାଜ୍ୟରେ ଜାତୀୟ ସ୍ୱାସ୍ଥ୍ୟମିଶନ (ଏନ୍ଏଚ୍ଏମ୍) ଅଧୀନରେ କାର୍ଯ୍ୟରତ ଚୁକ୍ତିଭିତ୍ତିକ ଆୟୁଷ ଡାକ୍ତରମାନଙ୍କ ଦରମାକୁ ବରିଷ୍ଠତା ଭିତ୍ତିରେ ମାସିକ ୨୦ ହଜାର ଟଙ୍କାରୁ ୪୦ ହଜାର ଟଙ୍କା ପର୍ଯ୍ୟନ୍ତ ବୃଦ୍ଧି ପାଇଁ ସରକାର ନିଷ୍ପତ୍ତି ନେଇଛନ୍ତି। ସ୍ୱାସ୍ଥ୍ୟସେବା କ୍ଷେତ୍ରରେ ଆୟୁଷ ଡାକ୍ତରମାନଙ୍କ ଅବଦାନ ଏବଂ ସେମାନଙ୍କୁ ପ୍ରୋତ୍ସାହିତ କରିବା ପାଇଁ ଏହି ନିଷ୍ପତ୍ତି ଗ୍ରହଣ କରାଯାଇଥିବା ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ କହିଛନ୍ତି।

ରାଜ୍ୟରେ ଆୟୁଷ ସ୍ୱାସ୍ଥ୍ୟସେବାରେ ଅଧିକ ଉନ୍ନତି ଆସିବ ବୋଲି ମୁଖ୍ୟମନ୍ତ୍ରୀ ଆଶା ପ୍ରକଟ କରିଛନ୍ତି।  ୫ ବର୍ଷରୁ କମ୍ ସମୟ ଅବଧି ପାଇଁ ସେବାରତ ଆୟୁଷ ଡାକ୍ତରମାନଙ୍କ ଦରମା ୨୦ ହଜାର ଟଙ୍କା ବୃଦ୍ଧି ପାଇଛି। ଏହାଦ୍ୱାରା ସେମାନଙ୍କ ସର୍ବନିମ୍ନ ଦରମା ୫୬ ହଜାର ୯୪୮ ହୋଇଥିବା ଜଣାପଡିଛି। ରାଜ୍ୟରେ ବର୍ତ୍ତମାନ ୨ ହଜାର ୯୧୨ ଜଣ ଆୟୁଷ ଡାକ୍ତର ନିୟୋଜିତ ଅଛନ୍ତି ଏବଂ ଏହି ନିଷ୍ପତ୍ତି ଦ୍ୱାରା ରାଜ୍ୟ ସରକାର ବର୍ଷକୁ ପ୍ରାୟ ୧ କୋଟି ଟଙ୍କା ଅଧିକ ବ୍ୟୟ କରିବେ।

## ପୁଲିସ୍ ପ୍ରଶିକ୍ଷଣ

ଭୁବନେଶ୍ୱରସ୍ଥିତ ବିଜୁ ପଟ୍ଟନାୟକ ରାଜ୍ୟ ପୁଲିସ୍ ପ୍ରଶିକ୍ଷଣ କେନ୍ଦ୍ରରେ ବେସାମରିକ ବିମାନ ବନ୍ଦର ସୁରକ୍ଷା ପ୍ରଶିକ୍ଷଣ ଶିବିରକୁ ପୁଲିସ୍ ଏଡିଜି ସଞ୍ଜୟ କୁମାର ଉଦ୍‌ଘାଟନ କରି ପ୍ରଶିକ୍ଷାର୍ଥୀମାନଙ୍କୁ ନିଷ୍ଠାର ସହ ପ୍ରଶିକ୍ଷଣ ନେଇ ସମଗ୍ର ଦେଶରେ ଏକ ଆଦର୍ଶ ସୃଷ୍ଟି କରିବାକୁ ପରାମର୍ଶ ଦେଇଛନ୍ତି। ବ୍ୟୁରୋ ଅଫ୍ ସିଭିଲ ଆଭିଏସନ ସିକ୍ୟୁରିଟିର ଆଂଚଳିକ ନିର୍ଦ୍ଦେଶକ ପ୍ରଦୀପ ବାକ୍ସଲା

ପ୍ରଶିକ୍ଷଣର ବିଭିନ୍ନ ବୈଷୟିକ ଦିଗ ଉପରେ ପ୍ରଶିକ୍ଷାର୍ଥୀମାନଙ୍କୁ ଅବଗତ କରାଇଥିଲେ। ଶିବିର ୨ ସପ୍ତାହ ପର୍ଯ୍ୟନ୍ତ ଚାଲିବାକୁ ଥିବାବେଳେ ଏଥିରେ ଝାରସୁଗୁଡା, ରାଉରକେଲା, ଜୟପୁର ଏବଂ ଉତ୍କେଲା ବିମାନ ବନ୍ଦରରୁ ମୋଟି ୪୦ ଜଣ ସୁରକ୍ଷା କର୍ମୀ ପ୍ରଶିକ୍ଷଣ ଗ୍ରହଣ କରୁଛନ୍ତି।

## ମୁଖ୍ୟମନ୍ତ୍ରୀ–ଆମ୍ବୁଲାନ୍ସ

ରାଜ୍ୟରେ ଜରୁରିକାଳୀନ ଚିକିତ୍ସା ସେବାକୁ ଅଧିକ ସୁଦୃଢ଼ କରିବାପାଇଁ ଦ୍ୱିତୀୟ ପର୍ଯ୍ୟାୟରେ ଆଜି ଭୁବନେଶ୍ୱର କଳିଙ୍ଗ ଷ୍ଟାଡିୟମ୍‌ଠାରୁ ୨୫୦ଟି ନୂଆ ୧୦୮ ଆମ୍ବୁଲାନ୍ସ ସେବାକୁ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଉଦ୍‌ଘାଟନ କରିଛନ୍ତି। ଏଥିମଧ୍ୟରୁ ୭ଟି ଆମ୍ବୁଲାନ୍ସରେ ଅତ୍ୟାଧୁନିକ ଜୀବନ ରକ୍ଷାକାରୀ ବ୍ୟବସ୍ଥା ରହିଛି। ମୁଖ୍ୟମନ୍ତ୍ରୀ ଶ୍ରୀ ମାଝୀ କହିଛନ୍ତି, ଓଡ଼ିଶାର କୋଣ-ଅନୁକୋଣରେ ଉନ୍ନତ ସ୍ୱାସ୍ଥ୍ୟସେବା ପହଞ୍ଚାଇବା ପାଇଁ ସରକାର ସଂକଳ୍ପବଦ୍ଧ। ଜରୁରୀକାଳିନ ସ୍ୱାସ୍ଥ୍ୟ ଭିତ୍ତିଭୂମିକୁ ସୁଦୃଢ଼ କରି ଜୀବନ ରକ୍ଷାକୁ ସରକାର ସର୍ବୋଚ୍ଚ ପ୍ରାଥମିକତା ଦେଇ ଆସୁଛନ୍ତି। ଏଥିପାଇଁ ୧୧୧ କୋଟି ଟଙ୍କା ବିନିଯୋଗରେ ୪୨୮ଟି ନୂତନ ଆମ୍ବୁଲାନ୍ସ ଚଳାଚଳ ପାଇଁ ବ୍ୟବସ୍ଥା କରାଯାଇଛି। ପୂର୍ବରୁ ୧୫୦ଟି ଆମ୍ବୁଲାନ୍ସ ଲୋକାର୍ପିତ ହୋଇସାରିଛି। ସୁସ୍ଥ ଓ ବିକଶିତ ଓଡ଼ିଶା ଗଠନ ଦିଗରେ ସରକାର ନିରନ୍ତର ପ୍ରୟାସ ଜାରି ରଖିଛନ୍ତି ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି।

## ମାଟ୍ରିକ ପ୍ରଶ୍ନପତ୍ର

ରାଜ୍ୟ ମାଧ୍ୟମିକ ଶିକ୍ଷା ପରିଷଦ ଦ୍ୱାରା ପରିଚାଳିତ ମାଟ୍ରିକ ପରୀକ୍ଷା ଆସନ୍ତା ୧୯ ତାରିଖରୁ ଆରମ୍ଭ ହେବ। ଏ ନେଇ ବୋର୍ଡ ପକ୍ଷରୁ ଆଜିଠାରୁ ସମସ୍ତ ପରୀକ୍ଷା ହବ୍‌କୁ  ପ୍ରଶ୍ନପତ୍ର ପଠାଯାଉଛି। ଚଳିତ ବର୍ଷ  ୫ ଲକ୍ଷ ୬୧

ହଜାର ୯୭୯ ଜଣ ଛାତ୍ରଛାତ୍ରୀ ଫର୍ମପୂରଣ କରିଛନ୍ତି। ଏହାସହ ୩ ହଜାର ୮୨ଟି କେନ୍ଦ୍ରରେ ପରୀକ୍ଷା ଅନୁଷ୍ଠିତ ହେବ। ପ୍ରଶ୍ନପତ୍ର ମହଜୁଦ ରଖିବା ପାଇଁ ୩୨୨ଟି ନୋଡାଲ କେନ୍ଦ୍ର ସହ  ଷ୍ଟ୍ରଙ୍ଗରୁମ୍‌ର ବ୍ୟବସ୍ଥା କରାଯାଇଛି ବୋଲି ବୋର୍ଡ ସଭାପତି ଶ୍ରୀକାନ୍ତ ତରାଇ କହିଛନ୍ତି।

# ଏଫ୍‌ଆଇଏଚ୍ ପ୍ରୋ-ଲିଗ୍

ରାଉରକେଲା ଛେଣ୍ଡସ୍ଥିତ ବିର୍ସାମୁଣ୍ଡା ଅନ୍ତର୍ଜାତୀୟ ହକି ଷ୍ଟାଡିୟମଠାରେ ଆଜିଠାରୁ ଏଫ୍‌ଆଇଏଚ୍ ପ୍ରୋ-ଲିଗ୍ ହକି ପ୍ରତିଯୋଗିତା ଆରମ୍ଭ ହେଉଛି । ଭାରତ ସହିତ ବେଲ୍‌ଜିୟମ ଏବଂ ଆର୍ଜେଣ୍ଟିନା ଏଥିରେ ଅଂଶଗ୍ରହଣ କରୁଛନ୍ତି । ଆଜିର ପ୍ରଥମ ମ୍ୟାଚ୍ ଆଉ କିଛି ସମୟ ମଧ୍ୟରେ ଆର୍ଜେଣ୍ଟିନା ଓ ବେଲଜିୟମ ମଧ୍ୟରେ ଖେଳା ଯିବ।

## ବର୍ତ୍ତମାନ କିଛି ସମ୍ବାଦ ସଂକ୍ଷିପ୍ତରେ...

# ପ୍ରତିଷ୍ଠା ଦିବସ

ଓଡ଼ିଶାରେ ମହିଳାମାନଙ୍କ ଅଧିକାର ଓ ସୁରକ୍ଷା ପାଇଁ କାର୍ଯ୍ୟ କରିଆସୁଥିବା ରାଜ୍ୟ ମହିଳା ଆୟୋଗ ଆସନ୍ତାକାଲି ୩୩ତମ ପ୍ରତିଷ୍ଠା ଦିବସ ପାଳନ କରିବାକୁ ଯାଉଛି। ଭୁବନେଶ୍ୱର ଲୋକସେବା ଭବନ ସମ୍ମିଳନୀ କକ୍ଷରେ ଆୟୋଜିତ କାର୍ଯ୍ୟକ୍ରମରେ ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡା, ଶିଳ୍ପ, ଦକ୍ଷତାବିକାଶ ଓ ବୈଷୟିକ ଶିକ୍ଷାମନ୍ତ୍ରୀ ସମ୍ପଦ ଚନ୍ଦ୍ର ସ୍ୱାଇଁ, ସୂଚନା ପ୍ରଯୁକ୍ତିବିଦ୍ୟା ମନ୍ତ୍ରୀ ମୁକେଶ ମହାଲିଙ୍ଗ ଏବଂ ମହିଳା ଆୟୋଗ ଅଧ୍ୟକ୍ଷା ଶୋଭନା ମହାନ୍ତି ପ୍ରମୁଖ ଯୋଗଦେବାର କାର୍ଯ୍ୟସୂଚୀ ରହିଛି।

# ପରିଭ୍ରମଣ

ରାଷ୍ଟ୍ରୀୟ ଆବିଷ୍କାର ଅଭିଯାନ ଯୋଜନା ଆଧାରରେ ବୌଦ୍ଧ ଜିଲ୍ଲା ଶିକ୍ଷା ବିଭାଗ ଦ୍ୱାରା ଜିଲ୍ଲାର ପ୍ରାଥମିକ ଓ ମାଧ୍ୟମିକ ବିଦ୍ୟାଳୟ ଛାତ୍ରଛାତ୍ରୀଙ୍କ ଶୈକ୍ଷିକ ପରିଭ୍ରମଣ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଜିଲ୍ଲାର ୬୦ ଜଣ ଛାତ୍ରଛାତ୍ରୀ ଏବଂ ୧୨ ଜଣ ସହଯୋଗୀ ଶିକ୍ଷକ ବରଗଡ଼ ଜିଲ୍ଲାର ଟୁକୁର୍ଲାଠାରେ ଅବସ୍ଥିତ ଜିଲ୍ଲା ବିଜ୍ଞାନ କେନ୍ଦ୍ରରେ ୧୨୦ଟି ବିଜ୍ଞାନଭିତ୍ତିକ ପ୍ରକଳ୍ପ ବୁଲି ଦେଖିଛନ୍ତି।

## କଳିକା

**ନୟାଗଡ଼** ପୁଲିସ୍ ପକ୍ଷରୁ ଆୟୋଜିତ ସୃଜନାତ୍ମକ କାର୍ଯ୍ୟକ୍ରମ କଳିକା-୨ ରିଜର୍ଭ ପୁଲିସ୍ ପଡିଆଠାରେ ଅନୁଷ୍ଠିତ ହୋଇଯାଇଛି। କାର୍ଯ୍ୟକ୍ରମରେ ଜିଲ୍ଲାର ବିଭିନ୍ନ ବିଦ୍ୟାଳୟ ଓ ମହାବିଦ୍ୟାଳୟରୁ ଷଷ୍ଠ ରୁ ଯୁକ୍ତ ତିନି ପର୍ଯ୍ୟନ୍ତ ଛାତ୍ରଛାତ୍ରୀ ଅଂଶଗ୍ରହଣ କରଥିଲେ।

## ଜନଗଣନା ବୈଠକ

ପୁରୀ ସର୍କିଟହାଉସ୍‌ଠାରେ ଜିଲ୍ଲାରେ ଜନଗଣନା ପାଇଁ ଆଜି ଏକ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି। ବୈଠକରେ ରାଜ୍ୟ ଜନଗଣନା କାର୍ଯ୍ୟାଳୟର ଯୁଗ୍ମ ନିର୍ଦ୍ଦେଶକ ଯୋଗଦେଇ କର୍ମଚାରୀମାନଙ୍କ ନିଯୁକ୍ତି, ଦାୟିତ୍ୱ ଆଦି ସମ୍ପର୍କରେ ଆଲୋଚନା କରିଥିଲେ। ଦୁଇଟି ପର୍ଯ୍ୟାୟରେ ଅନୁଷ୍ଠିତ ହେବାକୁ ଥିବା ଗଣନାରେ ଚଳିତ ଏପ୍ରିଲ ମାସ ୧୬ ତାରିଖରୁ ମେ' ମାସ ୧୫ ତାରିଖ ପର୍ଯ୍ୟନ୍ତ ପ୍ରଥମ ପର୍ଯ୍ୟାୟରେ ଏବଂ ଆଗାମୀ ୨୦୨୭ ଫେବୃୟାରୀ ୯ ତାରିଖରୁ ୨୮ ତାରିଖ ପର୍ଯ୍ୟନ୍ତ ଦ୍ୱିତୀୟ ପର୍ଯ୍ୟାୟରେ ଗଣନାକାର୍ଯ୍ୟ ଚାଲିବ ବୋଲି ସ୍ଥିର କରାଯାଇଛି। ଏଥିସହ ସ୍ୱଗଣନା ପୋର୍ଟାଲ

ମାଧ୍ୟମରେ ନିଜେ ନିଜର ତଥ୍ୟ ପ୍ରଦାନ କରିବାର ସୁବିଧା ଗୃହ ଗଣନା ପୂର୍ବ ଏପ୍ରିଲ ପହିଲାରୁ ୧୫ ଏପ୍ରିଲ ପର୍ଯ୍ୟନ୍ତ ଦାଖଲ କରିପାରିବେ ବୋଲି ସୂଚନା ମିଳିଛି।

## ଦକ୍ଷତା ବିକାଶ କାର୍ଯ୍ୟକ୍ରମ

ଭୁବନେଶ୍ୱର ଅର୍ଥନୀତି ଓ ପରିସଂଖ୍ୟାନ ସଭାଗୃହରେ ରାଷ୍ଟ୍ରୀୟ ପେନ୍‌ସନ୍ ଯୋଜନାକୁ ନେଇ ଦକ୍ଷତାବିକାଶ ଏବଂ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। କାର୍ଯ୍ୟକ୍ରମକୁ ଅର୍ଥନୀତି ଓ  ପରିସଂଖ୍ୟାନ ବିଭାଗର ନିର୍ଦ୍ଦେଶକ ଡକ୍ଟର ବିଜୟ ଭୂଷଣ ନନ୍ଦ ଉଦ୍‌ଘାଟନ କରି କହିଛନ୍ତି, ଏହି କାର୍ଯ୍ୟକ୍ରମ ବିଭାଗୀୟ ଅଧିକାରୀଙ୍କ ଆତ୍ମବିଶ୍ୱାସ ବୃଦ୍ଧି କରାଇବା ସହ ଏନ୍‌ପିଏସ୍‌କୁ ନେଇ ଅଧିକ ସଚେତନତା ସୃଷ୍ଟି କରିବ। ପ୍ରତ୍ୟେକ କାର୍ଯ୍ୟାଳୟରେ ଅଧିକାରୀ ଓ କର୍ମଚାରୀମାନେ ଏହାଦ୍ୱାରା ପରୋକ୍ଷରେ ଉପକୃତ ହେବେ। କାର୍ଯ୍ୟକ୍ରମରେ ସ୍ୱତନ୍ତ୍ର କୋଷାଗାର ନମ୍ବର ୧  ଅଧୀନରେ ଥିବା ବିଭିନ୍ନ କାର୍ଯ୍ୟାଳୟର ୧୬୫ ଜଣ ଡିଡିଓ ଅଂଶଗ୍ରହଣ କରିଥିଲେ। ଗତକାଲିଠାରୁ ଆସନ୍ତା ୧୩ ତାରିଖ ପର୍ଯ୍ୟନ୍ତ ଏନ୍‌ପିଏସ୍‌ର ରାଜ୍ୟବ୍ୟାପୀ ସେବା ସପ୍ତାହ ପାଳନ ହେଉଛି।

## ସୁଭଦ୍ରା ଶକ୍ତିମେଳା

**କନ୍ଧମାଳ** ଜିଲ୍ଲା ବାଲିଗୁଡ଼ା ଦଣ୍ଡପଦର ଯାତ୍ରାପଡିଆଠାରେ ମିଶନ ଶକ୍ତି ବିଭାଗ ପକ୍ଷରୁ ଜିଲ୍ଲାସ୍ତରୀୟ ସୁଭଦ୍ରା ଶକ୍ତିମେଳା ଅନୁଷ୍ଠିତ ହୋଇଯାଇଛି। ମହିଳା ସଶକ୍ତୀକରଣ କ୍ଷେତ୍ରରେ କନ୍ଧମାଳ ଜିଲ୍ଲା ସବୁଠୁ ଆଗରେ ରହିଛି

ବୋଲି ଦ୍ୱିତୀୟ ସନ୍ଧ୍ୟାରେ ଯୋଗଦେଇ ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡା କହିଛନ୍ତି ।

**- V/O - (**ପ୍ରଭାତୀ ପରିଡା**)**

## ସଚେତନତା କାର୍ଯ୍ୟକ୍ରମ

ଯାଜପୁର ଜିଲ୍ଲା ନରସିଂହ ଚୌଧୁରୀ ସ୍ୱୟଂଶାସିତ ମହାବିଦ୍ୟାଳୟରେ ଜିଲ୍ଲା ସୂଚନା ବିଜ୍ଞାନ କେନ୍ଦ୍ର ପକ୍ଷରୁ ସାଇବର ସୁରକ୍ଷା ସଚେତନତା କାର୍ଯ୍ୟକ୍ରମ ଆୟୋଜିତ ହୋଇଯାଇଛି । କାର୍ଯ୍ୟକ୍ରମରେ ସାଇବର ଅପରାଧ ଏବଂ ଠକେଇରୁ ରକ୍ଷା ପାଇବା ସଂକ୍ରାନ୍ତରେ ଅତିଥିମାନେ ଆଲୋଚନା କରିଛନ୍ତି ।

## ସନ୍ତରଣ ଶିବିର

**ମାଲକାନଗିରି** ଜିଲ୍ଲା ବଣ୍ଡା ବାକୁଲିବନ୍ଧଠାରେ ରାଜ୍ୟ ପ୍ରାକୃତିକ ବିପର୍ଯ୍ୟୟ ପରିଚାଳନା ବିଭାଗ ପକ୍ଷରୁ ଏକ ସନ୍ତରଣ ପ୍ରଶିକ୍ଷଣ ଶିବିର ଅନୁଷ୍ଠିତ ହୋଇଯାଇଛି । ପାଣିରେ ବୁଡ଼ି କୌଣସି ପ୍ରାଣହାନୀ ଜନିତ ଦୁର୍ଘଟଣାକୁ ଏଡାଇବା ପାଇଁ ସରକାରଙ୍କ ଏହି ପ୍ରୟାସ ଯୁବପିଢିଙ୍କ ପାଇଁ ଉପଯୋଗୀ ହେବ ବୋଲି ଅତିଥିମାନେ ମତବ୍ୟକ୍ତ କରିଥିଲେ ।

## ପେନ୍‌ସନ୍ ଶିବିର

**ଯାଜପୁର**ରୋଡସ୍ଥିତ ଇନ୍ଦିରା ଗାନ୍ଧୀ ମହିଳା ମହାବିଦ୍ୟାଳୟ ପରିସରରେ ଯାଜପୁରରୋଡ ସ୍ୱତନ୍ତ୍ର କୋଷାଗାର ପକ୍ଷରୁ ଏକ ଜାତୀୟ ପେନ୍‌ସନ୍ ପ୍ରଶିକ୍ଷଣ ଶିବିର ଅନୁଷ୍ଠିତ ହୋଇଯାଇଛି । ଶିବିରରେ ଜିଲ୍ଲାର ସମସ୍ତ ବିଡିଓ ଏବଂ ପେନ୍‌ସନ୍‌ଭୋକ୍ତାମାନେ ଯୋଗ ଦେଇଥିଲେ ।

## ପ୍ରକଳ୍ପ ପରିଦର୍ଶନ

ରାଜ୍ୟ ନଗର ଓ ଗୃହ ଉନ୍ନୟନ ବିଭାଗ ନିର୍ଦ୍ଦେଶକ ତଥା ସ୍ୱତନ୍ତ୍ର ସଚିବ ଗଙ୍ଗାଧର ନାୟକ **ନୟାଗଡ଼** ଜିଲ୍ଲା ଖଣ୍ଡପଡା ଗସ୍ତରେ ଯାଇ ବିଭିନ୍ନ ପ୍ରକଳ୍ପ ପରିଦର୍ଶନ ସହିତ ଉନ୍ନୟନମୂଳକ କାର୍ଯ୍ୟର ସମୀକ୍ଷା କରିଛନ୍ତି। ଜିଲ୍ଲାରେ ଚାଲିଥିବା ବିଭିନ୍ନ ଗୁରୁତ୍ୱପୂର୍ଣ୍ଣ ପ୍ରକଳ୍ପଗୁଡ଼ିକର କାର୍ଯ୍ୟ ତଦାରଖ କରିବା ସହ ସେଗୁଡ଼ିକୁ ସମ୍ପୂର୍ଣ୍ଣ କରିବାକୁ ଶ୍ରୀ ନାୟକ ବିଭାଗୀୟ ଅଧିକାରୀମାନଙ୍କୁ ନିର୍ଦ୍ଦେଶ ଦେଇଛନ୍ତି।

## ପ୍ରଶିକ୍ଷଣ କାର୍ଯ୍ୟକ୍ରମ

**ବରଗଡ଼** ଜିଲ୍ଲାପାଳଙ୍କ ସମ୍ମିଳନୀ କକ୍ଷରେ ଜିଲ୍ଲାସ୍ତରୀୟ ଜନଗଣନା ଅଧିକାରୀଙ୍କ ସମୀକ୍ଷା ଓ ପ୍ରଶିକ୍ଷଣ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଜିଲ୍ଲାପାଳ ଆଦିତ୍ୟ ଗୋଏଲଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ପ୍ରଶିକ୍ଷଣ ଶିବିରରେ ଅତିରିକ୍ତ ଜିଲ୍ଲାପାଳଙ୍କ ସମେତ ପରିସଂଖ୍ୟାନ ବିଭାଗର ଅଧିକାରୀ ଏବଂ କର୍ମଚାରୀ ଯୋଗ ଦେଇଥିଲେ।

## ନିଯୁକ୍ତିମେଳା

**ମାଲକାନଗିରି** ବ୍ଲକ୍ ପଡିଆଠାରେ ଜିଲ୍ଲାସ୍ତରୀୟ ନିଯୁକ୍ତିମେଳା ଅନୁଷ୍ଠିତ ହୋଇଯାଇଛି। ନିଯୁକ୍ତି ମେଳାରେ ୨ ହଜାରରୁ ଅଧିକ ଆଶାୟୀ ଯୋଗ ଦେଇଛନ୍ତି।

## ଆଦ୍ରଭୂମି ସୁରକ୍ଷା

**ଗଞ୍ଜାମ** ଜିଲ୍ଲା ସରକାରୀ ବିଜ୍ଞାନ ମହାବିଦ୍ୟାଳୟରେ ବିଶ୍ୱ ଆଦ୍ରଭୂମି ଦିବସ ଉପଲକ୍ଷେ ଏକ ସଂପାନ ଆୟୋଜିତ ହୋଇଯାଇଛି। ଏଥିରେ ଆଦ୍ରଭୂମିର ସୁରକ୍ଷା ଓ ସଂରକ୍ଷଣ ସମ୍ପର୍କରେ ଆଲୋଚନା ହୋଇଥିଲା।

## ରାଜସ୍ୱ ସମୀକ୍ଷା

**ଦେବଗଡ଼** ଜିଲ୍ଲାପାଳଙ୍କ ସମ୍ମିଳନୀ କକ୍ଷରେ ଜିଲ୍ଲାସ୍ତରୀୟ ରାଜସ୍ୱ ସମୀକ୍ଷା ବୈଠକ ଅନୁଷ୍ଠିତ ହୋଇଯାଇଛି। ଜିଲ୍ଲାପାଳ କବୀନ୍ଦ୍ର କୁମାର ସାହୁଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ବୈଠକରେ ଭୂରାଜସ୍ୱ, ଜଳକର, ବସୁନ୍ଧରା ଆଦି ସମ୍ପର୍କରେ ଆଲୋଚନା ହୋଇଥିଲା।